## ଆଜି ଅନୁଗୋଳରୁ ଜଣେ କରୋନା ପଜିଟିଭ ଚିହ୍ନଟ ।

### ପଜିଟିଭ ସଂଖ୍ୟା ୫୦ରେ ପହଞ୍ଚିଲା ।

ଅନୁଗୋଳ ଜିଲ୍ଲା ଅନ୍ତର୍ଗତ ବଣ୍ଡଁରପାଳ ବ୍ଲକର ଏକ ଅସ୍ଥାୟୀ ସ୍ୱାସ୍ଥ୍ୟ ଶିବିରରୁ ଆଜି ଜଣେ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ୨୮ ବର୍ଷୀୟ ଏହି ଯୁବକ ଚଳିତ ମାସ ୧୩ତାରିଖରୁ ଆନ୍ଧ୍ରପ୍ରଦେଶରୁ ଫେରି ସଙ୍ଗରୋଧରେ ଥିଲେ । ତାଂକର କୌଣସି ଲକ୍ଷଣ ନଥାଇ ନମୁନା ପଜିଟିଭ ଜଣାପଡିବା ପରେ ଆଜି ତାଂକୁ ତାଳଚେର କୋଭିଡ ହସପିଟାଲକୁ ସ୍ଥାନାନ୍ତର କରାଯାଇଛି ବୋଲି ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତି ପ୍ରକାଶ କରିଛନ୍ତି । ଆଜିର ଏହି ୧ ପଜିଟିଭକୁ ମିଶାଇ ଜିଲ୍ଲାରେ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୫୦ରେ ପହଞ୍ଚିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା- ୪୦୪ ତା.୧୯.୬.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ ।